ପ୍ରେସ୍ ନୋଟ୍

# ଆଜି ଅନୁଗୋଳରୁ ୧୨ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୩୫୭ ରେ ।

ଅନୁଗୋଳ,ତା.୩.୮:- ଆଜି ଅନୁଗୋଳ ଜିଲ୍ଲାରୁ ୧୨ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୯ ଜଣ, ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ ଓ ତାଳଚେର ବ୍ଲକ ଅଂଚଳରୁ ଜଣେ ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି । ବଅଁରପାଳ ବ୍ଲକରୁ ଚିହ୍ନଟ ହୋଇଥିବା ୯ ଜଣ ଆକ୍ରାନ୍ତଂକ ମଧ୍ୟରେ ୭ ଜଣ ପୁରୁଷ ଯାହାଂକ ବୟସ ଯଥାକ୍ରମେ ୧୯,୨୦,୨୧,୨୪,୩୧,୪୨ ଓ ୪୯ ବର୍ଷ ହୋଇଥିବାବେଳେ ୨ ଜଣ ମହିଳାଂକ ବୟସ ଯଥାକ୍ରମେ ୩୭ ଓ ୪୫ ବର୍ଷ ଅଟେ । ଏମାନେ ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ଚିହ୍ନଟ ହୋଇଛନ୍ତି । ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଥିବା ୨ ଜଣ ଆକ୍ରାନ୍ତଂକ ମଧ୍ୟରେ ଜଣେ ପୁରୁଷ ଯାହାଂକ ବୟସ ୪୫ ବର୍ଷ ଓ ଜଣେ ବାଳକଙ୍କ ବୟସ ୧୧ ବର୍ଷ ଅଟେ । ଏମାନେ କିଛିଦିନ ତଳେ ଗଜପତି ଜିଲ୍ଲାରୁ ଫେରି ହୋମ କ୍ୱାରାଣ୍ଟାଇନ୍‌ରେ ଥିଲେ । ସେହିପରି ତାଳଚେର ବ୍ଲକରୁ ଚିହ୍ନଟ ହୋଇଥିବା ୪୪ ବର୍ଷିୟା ମହିଳା ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଏହି ୧୨ ଜଣ ଆକ୍ରାନ୍ତଂକୁ ଚିକିତ୍ସା ନିମନ୍ତେ ତାଳଚେର କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଇତି ମଧ୍ୟରେ ତାଳଚେର କୋଭିଡ ହସପିଟାଲରୁ ଚିକିତ୍ସିତ ହୋଇ ସୁସ୍ଥ ହୋଇଥିବା ୮ ଜଣଂକ ମଧ୍ୟରୁ ୩ ଜଣଂକୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଥିବାବେଳେ ୫ ଜଣଂକୁ କୋଭିଡ କେୟାର ସେଣ୍ଟରକୁ ନିରୀକ୍ଷଣ ନିମନ୍ତେ ପଠାଯାଇଛି । । ପୂର୍ବରୁ ସୁସ୍ଥ ହୋଇଥିବା ୨୩୧ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୨୩୯ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୪୯୮ ତା.୩.୮.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୩/୮/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ